ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/FS&CW(Od)/322/29-05-2021**

## ଭଦ୍ରକ ଜିଲ୍ଲାର ବାତ୍ୟା ପରବର୍ତ୍ତୀ ସ୍ଥିତି ସମୀକ୍ଷା କଲେ ଯୋଗାଣ ମନ୍ତ୍ରୀ ଶ୍ରୀ ସ୍ୱାଇଁ

## ଯୁଦ୍ଧକାଳୀନ ଭିତ୍ତିରେ ପୁନରୁଦ୍ଧାର କାର୍ଯ୍ୟ କରାଯାଉଛି: ମନ୍ତ୍ରୀ ଶ୍ରୀ ସ୍ୱାଇଁ

ଭୁବନେଶ୍ୱର, ୨୯ ମଇ, ୨୦୨୧

ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ, ସମବାୟ ମନ୍ତ୍ରୀ ଶ୍ରୀ ରଣେନ୍ଦ୍ର ପ୍ରତାପ ସ୍ୱାଇଁ ଆଜି ଏକ ଉଚ୍ଚସ୍ତରୀୟ ବୈଠକରେ ଭଦ୍ରକ ଜିଲ୍ଲାରେ ବାତ୍ୟା 'ୟାସ୍' ପରବର୍ତ୍ତୀ ସ୍ଥିତିର ସମୀକ୍ଷା କରିଛନ୍ତି । ଭଦ୍ରକଠାରେ ଜିଲ୍ଲା ପ୍ରଶାସନର ସଦ୍‌ଭାବନା ଗୃହରେ ଆୟୋଜିତ ସମୀକ୍ଷା ବୈଠକରେ ଭଦ୍ରକ ସାଂସଦ ଶ୍ରୀମତୀ ମଂଜୁଲତା ମଣ୍ଡଳ, ଭଦ୍ରକ ବିଧାୟକ ଶ୍ରୀ ସଂଜୀବ ମଲ୍ଲିକ, ଧାମନଗର ବିଧାୟକ ଶ୍ରୀ ବିଷ୍ଣୁଚରଣ ସେଠୀ, ଭଦ୍ରକ ଜିଲ୍ଲା ପରିଷଦ ଅଧ୍ୟକ୍ଷ ଶ୍ରୀ ଦିଜବର ରାଉତ ଓ ଜିଲ୍ଲାପାଳ ଡ. ଜ୍ଞାନ ଦାସ ପ୍ରମୁଖ ଯୋଗଦେଇଥିଲେ ।

ଜିଲ୍ଲା ପ୍ରଶାସନ ପକ୍ଷରୁ ବାତ୍ୟାର ପୂର୍ବ ପ୍ରସ୍ତୁତି ଏବଂ ପରବର୍ତ୍ତୀ ଅବସ୍ଥାରେ ପୁନରୁଦ୍ଧାର କାର୍ଯ୍ୟର ଅଗ୍ରଗତି ସନ୍ତୋଷଜନକ ବୋଲି ମନ୍ତ୍ରୀ ଶ୍ରୀ ସ୍ୱାଇଁ କହିଛନ୍ତି । ପ୍ରଭାବିତ ଅଞ୍ଚଳରେ ତୁରନ୍ତ ବିଦ୍ୟୁତ ସରବରାହକୁ ସ୍ୱାଭାବିକ କରିବା ପାଇଁ ନିର୍ଦ୍ଦେଶ ଦିଆଯାଇଛି ଏବଂ ଯୁଦ୍ଧକାଳୀନ ଭିତ୍ତିରେ ରାସ୍ତାଘାଟ ମରାମତି କାର୍ଯ୍ୟ ଚାଲିଛି ବୋଲି ମନ୍ତ୍ରୀ ଶ୍ରୀ ସ୍ୱାଇଁ କହିଥିଲେ । ଜନସାଧାରଣଙ୍କୁ ପର୍ଯ୍ୟାପ୍ତ ପରିମାଣର ପିଇବା ପାଣି ଯୋଗାଇ ଦିଆଯାଉଛି ଏବଂ ଯେଉଁସବୁ ଅଞ୍ଚଳରେ ଲୁଣାପାଣି ମାଡ଼ିଯାଇଛି ତା'ର ବିସ୍ତୃତ ରିପୋର୍ଟ ପ୍ରଦାନ କରିବା ପାଇଁ ଅଧିକାରୀଙ୍କୁ ନିର୍ଦ୍ଦେଶ ଦିଆଯାଇଛି । ଗୃହପାଳିତ ପଶୁମାନଙ୍କ ନିମନ୍ତେ ପର୍ଯ୍ୟାପ୍ତ ଗୋଖାଦ୍ୟର ବ୍ୟବସ୍ଥା କରାଯାଇଛି । ବିଭିନ୍ନ ଅଞ୍ଚଳରେ ଘରଭଙ୍ଗା ଯାଞ୍ଚ କାର୍ଯ୍ୟ ଯଥାଶୀଘ୍ର ସାରି ପୂର୍ଣ୍ଣାଙ୍ଗ ରିପୋର୍ଟ ପ୍ରଦାନ କରିବା ପାଇଁ ନିର୍ଦ୍ଦେଶ ଦିଆଯାଇଛି । ଜିଲ୍ଲାରେ ହିତାଧିକାରୀମାନଙ୍କୁ ପିଡ଼ିଏସ୍ ରାସନ୍ ବଣ୍ଟନ ସନ୍ତୋଷଜନକ ହୋଇପାରିଛି ବୋଲି ମନ୍ତ୍ରୀ ଶ୍ରୀ ସ୍ୱାଇଁ କହିଛନ୍ତି । ଏଥି ସହିତ ବାତ୍ୟା କ୍ଷତିଗ୍ରସ୍ତ ଅଞ୍ଚଳଗୁଡ଼ିକୁ ପୁନରୁଦ୍ଧାର ଓ ଥଇଥାନ କାର୍ଯ୍ୟର ତଦାରଖ କରିବା ପାଇଁ ଜିଲ୍ଲା ପ୍ରଶାସନର ବରିଷ୍ଠ ଅଧିକାରୀମାନଙ୍କୁ ପଠାଯାଇଛି ବୋଲି ମନ୍ତ୍ରୀ ଶ୍ରୀ ସ୍ୱାଇଁ କହିଛନ୍ତି । ସମସ୍ତଙ୍କ ନିଷ୍ଠାପର ଉଦ୍ୟମ, ତତ୍ପରତା ଓ ସହଯୋଗରେ ଖୁବ୍‌ଶୀଘ୍ର ଜିଲ୍ଲାରେ ସ୍ୱାଭାବିକ ସ୍ଥିତି ଫେରିଆସିବ ବୋଲି ମନ୍ତ୍ରୀ ଶ୍ରୀ ସ୍ୱାଇଁ ଆଶାବ୍ୟକ୍ତ କରିଛନ୍ତି ।

ବୈଠକରେ ଜିଲ୍ଲା ପ୍ରଶାସନର ବରିଷ୍ଠ ଅଧିକାରୀ, ଜିଲ୍ଲା ଯୋଗାଣ ଅଧିକାରୀ, ବିଭାଗୀୟ ନିର୍ବାହୀ ଓ ଅଧୀକ୍ଷଣ ଯନ୍ତ୍ରୀମାନେ ଉପସ୍ଥିତ ରହି ବାତ୍ୟା ପରବର୍ତ୍ତୀ ଥଇଥାନ ଓ ପୁନରୁଦ୍ଧାର ନିମନ୍ତେ ଗ୍ରହଣ କରାଯାଉଥିବା ପଦକ୍ଷେପ ସଂପର୍କରେ ସୂଚନା ପ୍ରଦାନ କରିଥିଲେ ।

ତାପସ କୁମାର ସାହା
ସୂଚନା ଅଧିକାରୀ